ଫାରମ- II

(ନିୟମ ୭ ଦ୍ରଷ୍ଟବ୍ୟ)

## ଦାବି ଓ ଆପତ୍ତି ଦାୟର କରିବାପାଇଁ ନୋଟିସ୍ ।

କାଶୀନଗର ଅଧିସୂଚିତ କ୍ଷେତ୍ର ପରିଷଦର ୱାର୍ଡନଂ ୧ ଠାରୁ ୧୩ ର ଭୋଟଦାତା ମାନଙ୍କର ପ୍ରାଥମିକ ଭୋଟର ତାଲିକା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଯଥାବିଧି ପ୍ରକାଶ କାରାଯାଇଅଛି ।

ଯେଉଁ ବ୍ୟକ୍ତିଙ୍କ ବୟସ ତା ............ ରିଖ ଦିନ ୧୮ ବର୍ଷରୁ କମ୍ ହୋଇନଥିବ ଏବଂ ସେ ଭୋଟଦାତା ହେବାପାଇଁ ଅନ୍ୟଥା ଅଯୋଗ୍ୟ ହୋଇନଥିବେ, ସେ ତାଙ୍କ ନାମ ଏହି ତାଲିକାରେ ଦରଜ କରାଇବାକୁ ହକ୍‌ଦାର ହେବେ ।

ଯେଉଁ ବ୍ୟକ୍ତି ଏହି ତାଲିକାରେ ତାଙ୍କ ନାମ ଦରଜ କରାହେବାପାଇଁ ଦାବି କରିଥିବେ ଏବଂ ଯାହାଙ୍କ ନାମ ଏଥିରେ ଦରଜ କରାଯାଇନଥିବ କିମ୍ବା ସଠିକ୍ ସ୍ଥାନରେ ଦରଜ କରାଯାଇନଥିବ ବା ଭୁଲ ବିବରଣୀ ସହ କରାଯାଇଥିବ, ସେ ତାଙ୍କ ନାମ ଦରଜ କରାଇବାପାଇଁ ବା ତାଲିକା ସଂଶୋଧନ କରାଇବା ପାଇଁ ନିର୍ବାଚନ ଅଧିକାରୀଙ୍କ ଠାରେ ତାଙ୍କର ଦାବି ଉପସ୍ଥାପନ କରିପାରିବେ ।

ଯେଉଁ ବ୍ୟକ୍ତି ଙ୍କ ନାମ ଏହି ତାଲିକାଭୁକ୍ତ ହୋଇଥିବ ଏବଂ ତାଙ୍କର ତାଲିକାଭୁକ୍ତ ନାମର ସଠିକତା ସଂକ୍ରାନ୍ତରେ ଆପତ୍ତି କରିବାକୁ ଥିବ ବା ତାଙ୍କ ନିଜ ନାମ କିମ୍ବା ତାଲିକାରେ ଅନ୍ୟ କୌଣସି ବ୍ୟକ୍ତିଙ୍କ ନାମ ଅନ୍ତର୍ଭୁକ୍ତ ହୋଇଥିବା ସମ୍ବନ୍ଧରେ ଆପତ୍ତି କରାଇବାକୁ ଥିବ, ସେ ତାଙ୍କର ଆପତ୍ତି ନିର୍ବାଚନ ଅଧିକାରୀଙ୍କ ଠାରେ ଦାଖଲ କରିପାରିବେ ।

ଦାବିଗୁଡିକ ଫାରମ-III ଓ ଆପତ୍ତିଗୁଡିକ ଫାରମ-IV ରେ ଦାଖଲ କରାଯିବ । ଦରଖାସ୍ତକାରୀଙ୍କୁ ଫାରମ ଗୁଡିକର କପି ବିନାମୂଲ୍ୟରେ ନିର୍ବାଚନ ଅଧିକାରୀଙ୍କ ଦ୍ୱାରା ଯୋଗାଇଦିଆଯିବ ।

ଦାବି ଓ ଆପତ୍ତିଗୁଡିକ ବ୍ୟକ୍ତିଗତ ଭାବେ ଦାଖଲ କରାଯାଇପାରିବ କିମ୍ବା ଡାକଯୋଗେ ବା ବାର୍ତ୍ତାବାହକଙ୍କ ଦ୍ୱାରା ପଠାଯାଇପାରିବ । ସମସ୍ତ କ୍ଷେତ୍ରରେ ଏଗୁଡିକ ନିର୍ବାଚନ ଅଧିକାରୀଙ୍କ ଏହି ଠିକଣାରେ , **ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ, ବିଜ୍ଞାପିତ ଅଞ୍ଚଳ ପରିଷଦ, କାଶୀନଗର, ଜିଲ୍ଲା- ଗଜପତି, ଓଡିଶା , ପିନ୍ ନଂ -୭୬୧୨୦୬** ତା ୧୧-୦୨-୨୦୨୨ ଠାରୁ ୧୬-୦୨-୨୦୨୨ରିଖ ସୁଦ୍ଧା କାର୍ଯ୍ୟ ଦିବସର ଧାର୍ଯ୍ୟ ସମୟ ମଧରେ ପହଞ୍ଚିବା ଆବଶ୍ୟକ ।

ବ୍ୟକ୍ତିଗତ ଭାବେ ଅଥବା ବାର୍ତ୍ତାବାହକଙ୍କ ଦ୍ୱାରା ଦାଖଲ କାର୍ଯ୍ୟ କେବଳ କାର୍ଯ୍ୟଦିବସର ଧାର୍ଯ୍ୟ ସମୟ ମଧରେ କରାଯିବ ।

ଯେଉଁ ଦାବି ଓ ଆପତ୍ତି ମାନ ଉପଯୁକ୍ତ ଫାର୍ମରେ ଦାଖଲ କରାଯାଇନଥିବ କିମ୍ବା ଉପରୋକ୍ତ ତାରିଖ ଓ ସମୟ ମଧରେ କରାଯାଇନଥିବ, ସେଗୁଡିକୁ ଅଗ୍ରାହ୍ୟ କରାଯିବ ।

ଯଥା ସମୟରେ ଓ ଉଚିତ ଫାର୍ମ ମାଧମରେ ପ୍ରାପ୍ତ ସମସ୍ତ ଦାବି ଓ ଆପତ୍ତିର ଶୁଣାଣି ନିର୍ବାଚନ ଅଧିକାରୀଙ୍କ ଦ୍ୱାରା ତାରିଖ ୧୮-୦୨-୨୦୨୨ ରିଖରେ ବିଜ୍ଞାପିତ ଅଞ୍ଚଳ ପରିଷଦ କାଶୀନଗର ସ୍ଥାନରେ କରାହେବ ।

10/02.22.

ନିର୍ବାଚନ ଅଧିକାରୀ

ତା.

Election Officer
NAC, Kashinagar
Gajapati